# କଟକ ମହାନଗର ନିଗମ

ଚୌଧୁରୀ ବଜାର, କଟକ-୭୫୩ ୦୦୯

ପତ୍ର .ସଂ.....୨୨୧୫.....                                                                 ତାରିଖ...6/11/2020

## ବିଜ୍ଞାପନ

ଏତଦ୍ଵାରା ସର୍ବସାଧାରଣଙ୍କ ଗୋଚରାର୍ଥେ ଜଣାଇ ଦିଆଯାଉଅଛି ଯେ, କଟକ ମହାନଗର ନିଗମ ଅନ୍ତର୍ଗତ ନିମ୍ନଲିଖିତ ପାର୍କିଂ ସ୍ଥାନ, ଟ୍ୟାକ୍ସି ଷ୍ଟାଣ୍ଡ୍, କିଲିଖାନା ଗୁଡ଼ିକୁ ଚଳିତ ୨୦୨୦-୨୧ ଆର୍ଥିକ ବର୍ଷ ଏବଂ  ନଡ଼ିଆ ବଗିଚା, ପୋଖରୀ ଆଦି ସୈରାତ ଗୁଡ଼ିକ ୨୦୨୦-୨୧ ଠାରୁ ୨୦୨୨-୨୩ ଆର୍ଥିକ ବର୍ଷ ପର୍ଯ୍ୟନ୍ତ ନିଲାମ ପାଇଁ କଟକ ମହାନଗର ନିଗମ ଚୌଧୁରୀ ବଜାରସ୍ଥିତ କାର୍ଯ୍ୟାଳୟରେ ଆଗ୍ରହୀ ବ୍ୟକ୍ତିଙ୍କ ଠାରୁ **ଆସନ୍ତା ତା. 13 .୧୧.୨୦୨୦ ରିଖ ଅପରାହ୍ନ ୨ ଘଟିକା** ସୁଦ୍ଧା ବନ୍ଦ ଲଫାପାରେ ଟେଣ୍ଡର ଗ୍ରହଣ କରାଯିବ । ଏଣୁ ଇଚ୍ଛୁକ ବ୍ୟକ୍ତି ବିଶେଷ ବା ଅନୁଷ୍ଠାନ ନିମ୍ନୋକ୍ତ ନିର୍ଦ୍ଧାରିତ ସର୍ତ ଅନୁଯାୟୀ ଉଦ୍ଦିଷ୍ଟ ସୈରାତ ଗୁଡ଼ିକ ପାଇଁ ଧାର୍ଯ୍ୟ ଆମାନତ ଅର୍ଥ, କମିଶନର, କଟକ ମହାନଗର ନିଗମଙ୍କ ସପକ୍ଷରେ କରାଯାଇଥିବା ବ୍ୟାଙ୍କ୍ ଡ୍ରାଫ୍ଟ ସହିତ ବନ୍ଦ ଲଫାପାରେ କଟକ ମହାନଗର ନିଗମ ଚୌଧୁରୀ ବଜାର ସ୍ଥିତ କାର୍ଯ୍ୟାଳୟରେ ରଖାଯାଇଥିବା ଟେଣ୍ଡର ବାକ୍ସରେ ପକାଇ ପାରିବେ ଏବଂ **ତା. 13 .୧୧.୨୦୨୦ରିଖ** ଅପରାହ୍ନ ୩ **ଘଟିକା** ଠାରୁ ସମସ୍ତ ଆବେଦନକାରୀଙ୍କ ଉପସ୍ଥିତରେ ନିଲାମ ଦର ଥିବା ଲଫାପା ଗୁଡ଼ିକ ପର୍ଯ୍ୟାୟ କ୍ରମେ ଖୋଲାଯାଇ ନିଷ୍ପତି ଗ୍ରହଣ କରାଯିବ । ଟେଣ୍ଡର ସମ୍ପର୍କୀୟ ସମ୍ପୂର୍ଣ୍ଣ ବିବରଣୀ କଟକ ମହାନଗର ନିଗମ ଲାଇସେନ୍ସ ବିଭାଗରୁ କାର୍ଯ୍ୟାଳୟ ଦିବସରେ ବୁଝିପାରିବା ସଂଗେ ସଂଗେ କଟକ ମହାନଗର ନିଗମର ୱେବ୍‌ସାଇଟ୍ **www.cmccuttack.gov.in** ରେ ଦେଖିପାରିବେ । ଇଚ୍ଛୁକ ବ୍ୟକ୍ତି ଟେଣ୍ଡର ପାଇଁ ଉଦ୍ଦିଷ୍ଟ ନିର୍ଦ୍ଦିଷ୍ଟ ଫର୍ମ ନିଗମ ୱେସାଇଟରୁ ଡ଼ାଉନଲୋଡ଼ କରି ଟେଣ୍ଡର ପକ୍ରିୟାରେ ଭାଗ  ନେଇପାରିବେ ।

**<u>ନିମ୍ନୋକ୍ତ ସର୍ତାବଳୀ ଅନୁଯାୟୀ ଟେଣ୍ଡର ଚୂଡ଼ାନ୍ତ କରାଯିବ ।</u>**

୧. ପୂର୍ବ ବର୍ଷର ନିଲାମ ଟଙ୍କା ରଖିଥିବା ବ୍ୟକ୍ତିବିଶେଷ / ଅନୁଷ୍ଠାନ ଅଥବା  ପୂର୍ବରୁ ନିଲାମ ସିଦ୍ଧ ହୋଇ ନିଲାମ ଗ୍ରହଣ କରି ନଥିବା ବ୍ୟକ୍ତିବିଶେଷ / ଅନୁଷ୍ଠାନ ମାନେ ଉକ୍ତ ଟେଣ୍ଡରରେ ଭାଗ ନେଇ ପାରିବେ ନାହିଁ ।

୨. ଟେଣ୍ଡର ପ୍ରକ୍ରିୟାରେ ଅଂଶଗ୍ରହଣ କରୁଥିବା ବ୍ୟକ୍ତିବିଶେଷ ତାଙ୍କ ସପକ୍ଷରେ କୌଣସି ଫୌଜଦାରୀ ମାମଲା ବିଚାରାଧିନ ନାହିଁ କିମ୍ବା ସେ କୌଣସି ମାମଲାରେ ସଂଶ୍ଳିଷ୍ଟ ଥାଇ କାରାବରଣ କରି ନଥିବା ସମ୍ବନ୍ଧରେ ଏକ ସତ୍ୟପାଠ ଦାଖଲ କରିବେ ।

୩. ଯାହାଙ୍କ ନାମରେ ଟେଣ୍ଡର ସିଦ୍ଧ ହେବ, ସେ ସଂଗେ ସଂଗେ ଟେଣ୍ଡର ଟଙ୍କା ଦାଖଲ କରି ରସିଦ ହାସଲ କରିବେ । ତାହା ନ ହେଲେ, ତାଙ୍କର ଦାଖଲ ହୋଇଥିବା ଅମାନତ ଟଙ୍କା ବାଜ୍ୟାପ୍ତି କରାଯାଇ ଉକ୍ତ ଟେଣ୍ଡରରେ ଭାଗ ନେଇଥିବା ଅନ୍ୟ ବ୍ୟକ୍ତି ବା ଅନୁଷ୍ଠାନକୁ ଟେଣ୍ଡର ଦିଆଯିବ ।

୪. ଯଦି ସର୍ବୋଚ୍ଚ ଟେଣ୍ଡର ସନ୍ତୋଷଜନକ ନ ହୁଏ, ତାହେଲେ କର୍ତୃପକ୍ଷ ଇଚ୍ଛା କଲେ ଟେଣ୍ଡର ଚୂଡ଼ାନ୍ତ ନକରି ସାନି ଟେଣ୍ଡର କରି ପାରିବେ ।

୫. ଟେଣ୍ଡର ଗ୍ରହୀତା ପାର୍କିଂ ଫି (ମହାସୁଲ) ନିମ୍ନ ମତେ ଆଦାୟ କରିବେ ।

(କ) ଚାରି ଚକିଆ ଯାନ ପ୍ରତି ଦୈନିକ ଟ.୨୦.୦୦ଙ୍କା ।

(ଖ) ତିନି ଚକିଆ ଯାନ ପ୍ରତି ଦୈନିକ ଟ.୧୦.୦୦ଙ୍କା ।

(ଗ) ଦୁଇ ଚକିଆ ଯାନ ପ୍ରତି ଦୈନିକ ଟ.୫.୦୦ଙ୍କା ।

(ଘ) ସାଇକେଲ ପ୍ରତି ଦୈନିକ ଟ.୨.୦୦ଙ୍କା ।

୬. ପାର୍କିଂ ସ୍ଥାନ ସକାଳ ଘ.୮.୦୦ଟିକା ଠାରୁ ରାତ୍ର ଘ.୧୧.୦୦ଟିକା ପର୍ଯ୍ୟନ୍ତ ଖୋଲା ରଖିବେ ।

# କଟକ ମହାନଗର ନିଗମ

ଚୌଧୁରୀ ବଜାର, କଟକ-୭୫୩ ୦୦୯

ପତ୍ର .ସଂ. . . . . . . . . . . . . . . . . . .                ତାରିଖ . . . . . . . . . . . . . . .

୭. ପାର୍କିଂ ସ୍ଥାନ ମହାସୁଲ ଆଦାୟକାରୀ ମାନେ ନିର୍ଦ୍ଦିଷ୍ଟ ସମପୋଷାକ (ୟୁନିଫର୍ମ) ପରିଧାନ କରିବା ସହିତ ନିଜର ପରିଚୟ ପତ୍ର ବେକରେ ଝୁଲାଇବେ ।

୮. ପାର୍କି ସ୍ଥାନକୁ ଟେଣ୍ଡର ଗ୍ରହୀତା ଅନ୍ୟ କୌଣସି ଉଦ୍ଦେଶ୍ୟରେ ବ୍ୟବହାର କରିପାରିବେ ନାହିଁ ।

୯. ଟେଣ୍ଡର ଗ୍ରହୀତା ପାର୍କିଂ ସ୍ଥାନରେ ରହୁଥିବା ଯାନବାହାନର ନିରାପତା ନିମନ୍ତେ ଜଗୁଆଳୀର ବ୍ୟବସ୍ଥା କରିବେ ।

୧୦. ଧାର୍ଯ୍ୟ ଅମାନତ ଅର୍ଥ କମିଶନର, କଟକ ମହାନଗର ନିଗମଙ୍କ ସପକ୍ଷରେ କରାଯାଇଥିବା ବ୍ୟାଙ୍କ ଡ୍ରାଫ୍ଟ ଆବେଦକାରୀ ନିଜ ନାମରେ ବ୍ୟାଙ୍କରୁ କ୍ରୟ କରିବେ ।

୧୧. ଯାହାଙ୍କ ନାମରେ ଟେଣ୍ଡର ସିଦ୍ଧ କରାଯିବ, ସେ ମ୍ୟୁନିସିପାଲ କମିଶନରଙ୍କ ସହିତ ଆବଶ୍ୟକୀୟ ଚୁକ୍ତିନାମା ଟେଣ୍ଡର ଚୂଡ଼ାନ୍ତ ହେବାର ସାତ ଦିନ ମଧ୍ୟରେ କରିବେ ।

୧୨. ଉକ୍ତ ଟେଣ୍ଡର ଡ଼ାକକୁ କର୍ତ୍ତୃପକ୍ଷ ଇଛା କଲେ କୌଣସି କାରଣ ନ ଦର୍ଶାଇ ରଦ୍ଦ କରିପାରିବେ ।

| କ୍ର. ନଂ. | ସୈରାତ ଗୁଡ଼ିକର ନାମ | ଟେଣ୍ଡର ପାଇଁ ସର୍ବନିମ୍ନ ଧାର୍ଯ୍ୟ ରାଶି | ଅମାନତ ଟଙ୍କା | ମିଆଦ |
|---|---|---|---|---|
| ୧. | ଟେଲିଫୋନ ଭବନ ସମ୍ମୁଖ ପାର୍କିଂ ସ୍ଥାନ, ବଜ୍ରକବାଟି ରୋଡ଼ | ଟ.୪୯୮୦୦/- | ଟ.୪୯୮୦/- | |
| ୨. | ପୋଷ୍ଟ ଅଫିସ ସମ୍ମୁଖ ପାର୍କିଂ ସ୍ଥାନ, ଚାନ୍ଦିନୀଚୌକ | ଟ.୪୪୨୦୦/- | ଟ.୪୪୨୦/- | |
| ୩. | ଏସ.ବି.ଆଇ. ମୁଖ୍ୟ ଶାଖା ସାମନା ତିନିକୋଣିଆ ପାର୍କିଂ ସ୍ଥାନ | ଟ.୩୩୨୮୦୦/- | ଟ.୩୩୨୮୦/- | |
| ୪. | ପି.ଏମ୍. ଏକାଡ଼େମୀ ପାଖ ପାର୍କିଂ ସ୍ଥାନ | ଟ.୬୦୫୬୦/- | ଟ.୬୦୫୬/- | |
| ୫. | **ମଙ୍ଗଳାବାଗ ଭେଟେରିନାରୀ କାର୍ଯ୍ୟାଳୟ ପାଖ ପାର୍କିଂ ସ୍ଥାନ** | **ଟ.୭୯୦୦୦/-** | **ଟ.୭୯୦୦/-** | |
| ୬. | ଆକବରୀ ଖାଁ ଗୁଡ଼ାଖୁ ଦୋକାନ ସମ୍ମୁଖ ପାର୍କିଂ ସ୍ଥାନ, ନିମଚୌଡ଼ି | ଟ.୩୪୧୦୦/- | ଟ.୩୪୧୦/- | |
| ୭. | ପୁରୁଣା ଜେଲ ସମ୍ମୁଖ ପାର୍କିଂ ସ୍ଥାନ, ଦରଘା ବଜାର | ଟ.୧୧୩୧୦୦/- | ଟ.୧୧୩୧୦/- | |
| ୮. | ଗୋପବନ୍ଧୁ ପାର୍କ ପାର୍ଶ୍ୱବର୍ତୀ ପାର୍କିଂ ସ୍ଥାନ, ବକ୍ସି ବଜାର | ଟ.୧୧୨୦୦/- | ଟ.୧୧୨୦/- | |
| ୯. | ଗୌରୀଶଙ୍କର ପାର୍କ ପଛପଟ ପାର୍କିଂ ସ୍ଥାନ | ଟ.୮୮୦୦୦/- | ଟ.୮୮୦୦/- | |
| ୧୦. | କନିକା ଛକ ପାର୍କିଂ ସ୍ଥାନ | ଟ.୧୦୦୦୦/- | ଟ.୧୦୦୦/- | |
| ୧୧. | ତିନିକୋଣିଆ ବଗିଚା ପାଖ ପାର୍କିଂ ସ୍ଥାନ | ଟ.୧୪୩୦୦/- | ଟ.୧୪୩୦/- | ଆର୍ଥିକ ବର୍ଷ ୨୦୨୦-୨୧ |
| ୧୨. | ସତୀଚୌରା କାଠ ଗୋଲା ଠାରୁ ଅଶ୍ୱିନୀ ହସପିଟାଲ ସମ୍ମୁଖ ପର୍ଯ୍ୟନ୍ତ ପାର୍କିଂ ସ୍ଥାନ | ଟ.୨୨୦୭୦୦/- | ଟ.୨୨୦୭୦/- | |
| ୧୩. | ଷ୍ଟାର ହସ୍‌ପିଟାଲ ସମ୍ମୁଖ ଓ ମଧୁସୂଦନ ଆଇନ ମହାବିଦ୍ୟାଳୟ ଛାତ୍ରାବାସ ପ୍ରାଚେରୀପାଖ ପାର୍କିଂ ସ୍ଥାନ, ଯୋବ୍ରା ରୋଡ଼ | ଟ.୬୬୮୦୦/- | ଟ.୬୬୮୦/- | |
| ୧୪. | କେଶରପୁର କିଲିଖାନା | ଟ.୭୨୮୦୦/- | ଟ.୭୨୮୦/- | |
| ୧୫. | ସତୀଚୌରା କିଲିଖାନା | ଟ.୬୩୩୦୦/- | ଟ.୬୩୩୦/- | |
| ୧୬. | ପଟ୍ଟାପୋଲ କିଲିଖାନା | ଟ. ୮୩୦୦୦/- | ଟ.୮୩୩୦/- | ଆର୍ଥିକ ବର୍ଷ ୨୦୨୦-୨୧ |
| ୧୭. | ଖାନନଗର କିଲିଖାନା | ଟ.୧୭୬୦୦୦/- | ଟ.୧୭୬୦୦/- | |
| ୧୮. | ନେହେରୁପଲ୍ଲୀ କିଲିଖାନା | ଟ. ୭୨୬୦୦/- | ଟ.୭୨୬୦/- | |
| ୧୯. | ପନ୍ଦର ଫୁଟିଆ ପୋଖରୀ, ଗୋପାଳପୁର | ଟ. ୫୫୦୦/- | ଟ.୫୫୦/- | |
| ୨୦. | ଗାନ୍ଧୀ ସ୍ମୃତୀ ପୋଖରୀ, ତେଲେଙ୍ଗାପେଣ୍ଠ | ଟ.୭୯୦୦/- | ଟ.୭୯୦/- | ଆର୍ଥିକ ବର୍ଷ |

# କଟକ ମହାନଗର ନିଗମ

ଚୌଧୁରୀ ବଜାର, କଟକ-୭୫୩ ୦୦୯

ପତ୍ର .ସଂ................... ତାରିଖ..............

| | | | | |
|---|---|---|---|---|
| ୨୧. | ପଦ୍ମ ପୋଖରୀ, ଗୋପାଲପୁର | ଟ.୯୭୦୦/- | ଟ.୯୭୦/- | ୨୦୨୦-୨୧ ଠାରୁ ୨୦୨୨-୨୩ |
| ୨୨. | ଘି ପୋଖରୀ, ପ୍ରତାପ ନଗରୀ, ୱାର୍ଡ଼ ନଂ-୫୮ | ଟ.୨୧୪୦୦/- | ଟ.୨୧୪୦/- | |
| ୨୩. | ଝୋଲା ସାହି ପାର୍କ, ବିକାଶ ଭବନ, ବି.ପି.ସି.ଏଲ୍, ଗୌରୀଶଙ୍କର ପାର୍କ, ସେଣ୍ଟ୍ରାଲ ନର୍ସରୀ | ଟ.୬୬୦୦/- | ଟ.୬୬୦/- | |
| ୨୪. | ସଂସ୍କୃତ ଟୋଲ, ଟାଉନହଲ ନିକଟ | ଟ.୫୬୦୦/- | ଟ.୫୬୦/- | |

ଉପ ଆୟୁକ୍ତ

ଜ୍ଞାପକ ସଂ. 9316 /ତା. 6/11/2020

ଏହାର ଏକ କିତା ନକଲ ଅତିରିକ୍ତ ଆୟୁକ୍ତ-୧ ଓ ୨/ ଉପ ଆୟୁକ୍ତ-୧, ୨ ଓ ୪/ ନଗର ଯନ୍ତ୍ରୀ/ ସ୍ୱାସ୍ଥ୍ୟ ଅଧିକାରୀ/ ସଚିବ/ ଅସୁଲ ଅଧିକାରୀ/ ବିତ ଅଧିକାରୀ/ ସହକାରୀ ଆଇନ ଅଧିକାରୀ/ ବିଜ୍ଞାପନ ବିଭାଗ/ ଶ୍ରୀ ବିଭୁତି ଭୁଷଣ ସାହୁ, ଏମ.ଆଇ.ଏସ୍. କମ୍ପ୍ୟୁଟର ପ୍ରୋଗ୍ରାମର ଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା । ଶ୍ରୀ ସାହୁ ଉକ୍ତ ଟେଣ୍ଡରକୁ ମହାନଗର ନିଗମ ୱେବସାଇଟରେ ପ୍ରକାଶନ ନିମନ୍ତେ ନିର୍ଦ୍ଦେଶ ଦିଆଗଲା ।

ଉପ ଆୟୁକ୍ତ

ଜ୍ଞାପକ ସଂ. 9317 /ତା. 6/11/2020

ଏହାର ଏକ କିତା ନକଲ ପ୍ରଶାସକଙ୍କ କ୍ଷିପ୍ର ଲେଖକଙ୍କୁ ମାନ୍ୟବର ପ୍ରଶାସକ ମହୋଦୟଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

ଉପ ଆୟୁକ୍ତ

ଜ୍ଞାପକ ସଂ. 9318 /ତା. 6/11/2020

ଏହାର ଏକ କିତା ନକଲ କଟକ ମହାନଗର ନିଗମ କାର୍ଯ୍ୟାଳୟ ନୋଟିସ ବୋର୍ଡ଼/ ଜିଲ୍ଲାପାଳ, କଟକ/ ଉପ ଜିଲ୍ଲାପାଳ, କଟକ ସଦର/ ତହସିଲଦାର, ସଦର କଟକ ଙ୍କ ନୋଟିସ ବୋର୍ଡ଼ରେ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ପ୍ରକାଶ କରାଯିବା ପାଇଁ ଅନୁରୋଧ କରାଗଲା ।

ଉପ ଆୟୁକ୍ତ

ଜ୍ଞାପକ ସଂ. 9319 /ତା. 6/11/2020

ଏହାର ଏକ କିତା ନକଲ ଭାରପ୍ରାପ୍ତ ଅଧିକାରୀ, ପୁରୀଘାଟ ଥାନାଙ୍କ ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା ।

ଉପ ଆୟୁକ୍ତ

# Application for quoting price in sealed envelop for tender notice of Cuttack Municipal Corporation

Name of the Sairat Sources.....................................................for the year...........

From the advertisement in Local News Paper /CMC Website, I came to know regarding the tender of different sairat sources of CMC, Tender Notice No..........................date.............................. I am interested to participate in the tender auction process.

For which I have deposited the E.M.D. Amount for Rs.......................... vide D.D. No................................date........................... and Bank Name ..................................................

I quotated my bid price Rs...............................in words ..................... ..........................................................................................................

**Declaration**

I hereby declared that, I have gone through the terms and conditions of Cuttack Municipal Corporation as mentioned in the advertisement.

**Enclosed details.**

1. Aadhar Xerox Copy
2. One Photo Copy
3. Bank D.D.
4. Affidavit for no Criminal case against him/her

*Signature in full*

Name :

Address :

Contact No-